# OFFICE OF THE NOTIFIED AREA COUNCIL, ATTABIRA

## ବିଜ୍ଞାପିତ ଅଂଚଳ ପରିଷଦ ଅତାବିରା

AT/PO-ATTABIRA, DIST-BARGARH, ODISHA, PIN-768027
Email-attabiranac.2013@gmail.com

ପତ୍ର ସଂଖ୍ୟା- 1781 ତାରିଖ- ୭-୮-୨୦୨୩

## ଅଭିବ୍ୟକ୍ତି ପ୍ରକାଶନ

ଏତଦ୍‌ଦ୍ୱାରା ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା ର ୬ ଗୋଟି (୪,୫,୬,୯,୧୦,୧୨) ଓ୍ୱାର୍ଡର ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନଙ୍କ ଅବଗତି ନିମନ୍ତେ ଜଣାଇଦିଆଯାଉଅଛି ଯେ, ମୁକ୍ତା ଯୋଜନା ମାଧ୍ୟମରେ ଆର୍ଥିକ ବର୍ଷ ୨୦୨୩-୨୪ ନିମନ୍ତେ ଓ୍ୱାର୍ଡ ମାନଙ୍କରେ ହେବାକୁ ଥିବା ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟ ଗୁଡିକର ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ ସଂସ୍ଥା ଓ କାର୍ଯ୍ୟକାରୀ ସହଯୋଗୀ ଭାବେ ଚୟନ କରିବା ପାଇଁ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ ମାନଙ୍କ ଠାରୁ ଦରଖାସ୍ତ ଆହ୍ୱାନ କରୁଅଛି । ଏଣୁ, ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ ମାନେ ଆବଶ୍ୟକୀୟ କାଗଜପତ୍ର/ଦସ୍ତାବିଜ ସହ ତା.୧୭.୮.୨୩. ରିଖ ଅପରାହ୍ନ ୫ଟା ସୁଦ୍ଧା କାର୍ଯ୍ୟାଳୟର ଆବେଦନ ବାକ୍ସରେ ଆବେଦନ କରିପାରିବେ । ଧାର୍ଯ୍ୟ ସମୟ ପରେ କୌଣସି ଆବେଦନ ପତ୍ର ଗ୍ରହଣ କରାଯିବ ନାହିଁ ଏବଂ ଆସନ୍ତା ତା.୨୧.୮.୨୩..ରିଖ ୧୧.୦୦ ଘଟିକା ସମୟରେ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ କିମ୍ବା ସେମାନଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଖୋଲାଯିବା ପାଇଁ ସ୍ଥିର କରାଯାଇଛି । ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ ଏହି ଅଭିବ୍ୟକ୍ତି ପ୍ରକାଶନ ସହ ଜଡିତ ଆବେଦନ ପତ୍ର ଅତାବିରା ଏନ୍.ଏ.ସି. କାର୍ଯ୍ୟାଳୟର ଓ୍ୱେବସାଇଟ୍ www.attabiranac.in ଏବଂ ବରଗଡ ଜିଲ୍ଲା ଓ୍ୱେବସାଇଟ୍ www.bargarh.nic.in ରୁ ମଧ୍ୟ ଡାଉନଲୋଡ କରିପାରିବେ । ଲଫାପା ର ଉପରେ **"ମୁକ୍ତା ଯୋଜନା ଦ୍ୱାରା ସହର ରୂପାନ୍ତରିକରଣ-୨୦୨୩" ଲେଖାଥିବା ଆବଶ୍ୟକ** । ଅଧିକ ଜାଣିବା ପାଇଁ ବିଜ୍ଞାପିତ ଅଂଚଳ ପରିଷଦ କାର୍ଯ୍ୟାଳୟ ଅତାବିରା ସହ ଯୋଗାଯୋଗ କରି ପାରନ୍ତି ।

**ବିଶେଷ ଦ୍ରଷ୍ଟବ୍ୟ**

୧. ଯେଉଁ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଅତାବିରା ବିଜ୍ଞାପିତ ଅଂଚଳ ପରିଷଦ ଦ୍ୱାରା କୌଣସି କାର୍ଯ୍ୟ କିମ୍ବା ମୁକ୍ତା ଯୋଜନାର କୌଣସି କାର୍ଯ୍ୟରେ ସମ୍ପୃକ୍ତ ହୋଇନଥିବେ ସେହି ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀକୁ ଅଗ୍ରାଧିକାର ଦିଆଯିବ ।

୨. ଯେଉଁ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠି ଅତାବିରା ବିଜ୍ଞାପିତ ଅଂଚଳ ପରିଷଦର Permanent କାର୍ଯ୍ୟ ତଥା (ଆହାର, FSTP, MCC, MRF ଚୁଡା ଛତୁଆ ଇତ୍ୟାଦିରେ) ସମ୍ପୃକ୍ତ ହୋଇଥିବେ, ସେହି ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆବେଦନ କରିପାରିବେ ନାହିଁ ।

**ମିଶନ ଶକ୍ତି ଗୋଷ୍ଠୀର ଯୋଗ୍ୟତା ପରିମାପକ ମାନଦଣ୍ଡ**

୧-ଆବେଦନ କରୁଥିବା ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ସମ୍ପୃକ୍ତ ୱାର୍ଡର ହୋଇଥିବେ ।

୨-ପଂଚ ସୂତ୍ର ନିୟମକୁ ଅନୁପାଳନ କରୁଥିବେ (ନିୟମିତ ବୈଠକ, ନିୟମିତ ସଂଚୟ, ନିୟମିତ ଗୋଷ୍ଠୀ ମଧ୍ୟରେ ଋଣ କାରବାର, ନିୟମିତ ପରିଶୋଧ, ନିୟମିତ ହିସାବ ରଖିବା ଇତ୍ୟାଦି) ।

୩-ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ପରମାନେନ୍ଟ ଏକାଉଂଟ (ପାନ ନମ୍ବର) ଥିବ ।

୪-ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ସକ୍ରିୟ ଜମାଖାତା ଥିବ ।

୫-କୌଣସି ଆର୍ଥିକ ଅନିୟମିତତା ଯଥା ଋଣ, ଏନ୍.ପି.ଏ. କିମ୍ବା ୱାନ୍ ଟାଇମ Settlement ଘୋଷିତ ହୋଇନଥିବେ ।

୬-ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୪୦ ଲକ୍ଷରୁ ଅଧିକ କାର୍ଯ୍ୟ କରିନଥିବେ ।

୭-ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୨.୫ ଲକ୍ଷରୁ ଅଧିକ ତଦାରଖ ରାଶି ଯଦି ପାଇଥିବେ ସେ ସରକାରଙ୍କ ଆୟକର ଦେୟ କରିଥିବେ ।

୮-ମିଶନ ଶକ୍ତି ଗୋଷ୍ଠୀର ପଞ୍ଜିକରଣ ଅଭିବ୍ୟକ୍ତି ପ୍ରକାଶନର ତାରିଖ ପୂର୍ବରୁ ଏକ ବର୍ଷ ହୋଇଥିବ ।

(signature)
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଂଖ୍ୟା...1742.../ତାରିଖ.....7-8-2023

ଏହାର ଏକକିତା ନକଲ ଶିଶୁ ବିକାଶ ଯୋଜନା ଅଧିକାରୀ ଅତାବିରା ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ବିଜ୍ଞାପନ ଟି ୱାର୍ଡ ମାନଙ୍କର ସମସ୍ତ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ମାନଙ୍କ ଦୃଷ୍ଟିକୁ ଆଣିବାକୁ ଅନୁରୋଧ ।

(signature)
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଂଖ୍ୟା...1743.../ତାରିଖ.....7-8-2023

ଏହାର ଏକକିତା ନକଲ ୱାର୍ଡ ଅଧିକାରୀ, ସିଏମଏମ/ଗୋଷ୍ଠୀ ସଂଗଠିକା ଅତାବିରା ଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ବିଜ୍ଞାପନ ଟି ଉପରୋକ୍ତ ୱାର୍ଡ ର ସମସ୍ତ ମିଶନ ଶକ୍ତି ଗୋଷ୍ଠୀ ମାନଙ୍କର ଦୃଷ୍ଟି ଗୋଚର ହେଲା ବୋଲି ପ୍ରାମାଣିକ ହସ୍ତାକ୍ଷର ସହ ଯୋଗାଇ ଦେବାକୁ ଅନୁରୋଧ ।

ଏହାର ଏକକିତ ନକଲ ଅଫିସ ନୋଟିସ ବୋର୍ଡରେ ସମସ୍ତଙ୍କ ଅବଗତି ନିମନ୍ତେ ଛପାଗଲା ।

(signature)
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଖ୍ୟା...1784...।ତାରିଖ...7-8-2023

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ ବରଗଡ ଙ୍କୁ ଜିଲ୍ଲା ୱେବସାଇଟ ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା ।

ସତ୍ୟନାରାୟଣ ପାଣ୍ଡେ
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଖ୍ୟା...1785...।ତାରିଖ...7-8-2023

ଏହାର ଏକକିତା ନକଲ ପ୍ରକଳ୍ପ ନିର୍ଦ୍ଦେଶିକା, ଜିଲ୍ଲା ସହରାଚଂଳ ଉନ୍ନୟନ ସଂସ୍ଥା ବରଗଡଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

ସତ୍ୟନାରାୟଣ ପାଣ୍ଡେ
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଖ୍ୟା...1786...।ତାରିଖ...7-8-2023

ଏହାର ଏକକିତା ନକଲ ଜିଲ୍ଲାପାଳ ବରଗଡଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

ସତ୍ୟନାରାୟଣ ପାଣ୍ଡେ
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା

ପରିପତ୍ର ସଖ୍ୟା...1787...।ତାରିଖ...7-8-2023

ଏହାର ଏକକିତା ନକଲ ପ୍ରକଳ୍ପ ନିର୍ଦ୍ଦେଶକ, ମୁକ୍ତା, ଗୃହ ଓ ନଗର ଉନ୍ନୟନ ବିଭାଗ ଭୁବନେଶ୍ୱରଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

ସତ୍ୟନାରାୟଣ ପାଣ୍ଡେ
ନିର୍ବାହୀ ଅଧିକାରୀ
ବିଜ୍ଞାପିତ ଅଂଚଳ ପରିଷଦ, ଅତାବିରା